-୩-

# ଆଜି ଅନୁଗୋଳ ଜିଲ୍ଲାରୁ ୧୩୧ ଜଣ କରୋନା ପଜିଟିଭ ଚିହ୍ନଟ - ପଜିଟିଭ ସଂଖ୍ୟା ୨୭୯୭ ରେ ପହଞ୍ଚିଲା - ସୁସ୍ଥ ହେଲେ ୯୧ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ସର୍ବାଧିକ ୧୩୧ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରପାଳିକାରୁ ସର୍ବାଧିକ ୩୬ ଜଣ (୨୫ଜଣ ପୁରୁଷ ଓ ୧୧ ଜଣ ମହିଳା), ବଣ୍ଁରପାଳ ବ୍ଲକ୍ ଅଂଚଳରୁ ୨୫ ଜଣ (୧୭ଜଣ ପୁରୁଷ ଓ ୮ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୩ ଜଣ (୧୬ଜଣ ପୁରୁଷ ଓ ୭ଜଣ ମହିଳା),ଅନୁଗୋଳ ବ୍ଲକ୍ ଅଂଚଳରୁ ୧୨ ଜଣ (୬ଜଣ ପୁରୁଷ ଓ ୬ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ ଜଣ(୯ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୮ ଜଣ(୪ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ ଜଣ (୪ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୬ ଜଣ (୪ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରପାଳିକା ଅଂଚଳରୁ ୩ ଜଣ (୩ ଜଣ ପୁରୁଷ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ ଜଣ (୧ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୯୧ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩୫ ଜଣ କୋଭିଡ ହସପିଟାଲରୁ ଓ ୫୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୧ ତା.୨୦.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ